ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Law(Od)/158/25-02-2025**

## ଆଇନ ମନ୍ତ୍ରୀ ଶ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ଅଧ୍ୟକ୍ଷତାରେ
## ମହାପ୍ରଭୁ ଲିଙ୍ଗରାଜଙ୍କ ଜାଗରଯାତ୍ରା ନିମନ୍ତେ ସମୀକ୍ଷା ବୈଠକ

- ସମୟ ଅନୁଯାୟୀ ନୀତିକାନ୍ତି ଓ ଶୃଙ୍ଖଳିତ ଦର୍ଶନ ଉପରେ ଗୁରୁତ୍ୱ
- ରାତ୍ର ୧୦ଟା ସୁଦ୍ଧା ଉଠିବ ମହାଦୀପ
- ଶ୍ରଦ୍ଧାଳୁ ଓ ଭକ୍ତଙ୍କ ପାଇଁ ହେବ ସ୍ୱତନ୍ତ୍ର ବ୍ୟବସ୍ଥା
- ବିଶୃଙ୍ଖଳାକାରୀଙ୍କ ଉପରେ ରହିବ କଡ଼ା ନଜର

ଭୁବନେଶ୍ୱର ୨୫/୦୨/୨୦୨୫

ଆସନ୍ତାକାଲି ହେବାକୁ ଥିବା ମହାପ୍ରଭୁ ଲିଙ୍ଗରାଜଙ୍କ ପବିତ୍ର ଜାଗରଯାତ୍ରା ଉପଲକ୍ଷେ ସମସ୍ତ ନିଯୋଗ, ସେବାୟତ, ଜିଲ୍ଲା ପ୍ରଶାସନଙ୍କୁ ନେଇ ରାଜ୍ୟ ସରକାରଙ୍କ ଚୂଡ଼ାନ୍ତ ପର୍ଯ୍ୟାୟ ସମୀକ୍ଷା ବୈଠକ ଆଜି ଆଇନ୍, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ ଶ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି ।

ସ୍ଥାନୀୟ ରାଜ୍ୟ ଅତିଥି ଭବନ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସମୀକ୍ଷା ବୈଠକରେ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଅଧ୍ୟକ୍ଷତା କରିବା ସହିତ ଚଳିତ ଜାଗରଯାତ୍ରାକୁ କିଭଳି ଅଧିକ ବ୍ୟବସ୍ଥିତ, ସୁନ୍ଦର ଓ ଶୃଙ୍ଖଳିତ କରିହେବ ସେଥିନେଇ ସମସ୍ତଙ୍କ ସହଯୋଗ କାମନା କରିଥିଲେ । ପରସ୍ପର ମଧ୍ୟରେ ସମନ୍ୱୟ ରକ୍ଷାକରି ନିର୍ଘଣ୍ଟ ଅନୁଯାୟୀ ନୀତିକାନ୍ତି ଶେଷ ଓ ଧାର୍ଯ୍ୟ ସମୟ ମଧ୍ୟରେ ମହାଦୀପ ଉଠିବା ଉପରେ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଗୁରୁତ୍ୱାରୋପ କରିଥିଲେ ।

ଜାଗର ଦିନ ପ୍ରଭୁ ଲିଙ୍ଗରାଜଙ୍କ ଅନେକ ନୀତିକାନ୍ତି ରହିଛି । ତେଣୁ ସମସ୍ତ ନୀତିକୁ ଧାର୍ଯ୍ୟ ସମୟ ମଧ୍ୟରେ ଶେଷ କରିବା ଏବଂ ଶ୍ରଦ୍ଧାଳୁଙ୍କ ଶୃଙ୍ଖଳିତ ଦର୍ଶନ ଆମ ପାଇଁ ଏକ ଆହ୍ୱାନ ସଦୃଶ । ତେଣୁ ଦାୟିତ୍ୱରେ ଥିବା ରାଜ୍ୟ ସରକାର ଏବଂ ଜିଲ୍ଲା ପ୍ରଶାସନର ସମସ୍ତ ଅଧିକାରୀ ଓ ସେବାୟତ ତଥା ନିଯୋଗ ପ୍ରତିନିଧି ସୁଚାରୁ ରୂପେ କର୍ତ୍ତବ୍ୟ ସଂପାଦନ କରିବାକୁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ପରାମର୍ଶ ଦେଇଥିଲେ । ଲିଙ୍ଗରାଜଙ୍କ ଜାଗରଯାତ୍ରା ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଭାବାବେଗ ସହ ଜଡ଼ିତ ଥିବାରୁ ସମସ୍ତ ବ୍ୟବସ୍ଥା ଯେପରି ଶୃଙ୍ଖଳିତ ଢଙ୍ଗରେ ସଂପନ୍ନ ହେବ ତାହା ସୁନିଶ୍ଚିତ କରିବା ପାଇଁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଦାୟିତ୍ୱରେ ଥିବା ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

ବୈଠକରେ ଖୋର୍ଦ୍ଧା ଜିଲ୍ଲାପାଳ ଶ୍ରୀ ଚଞ୍ଚଳ ରାଣା ଯୋଗଦେଇ ଜାଗରଯାତ୍ରାକୁ ଶୃଙ୍ଖଳିତ କରିବା ପାଇଁ ସେବାୟତ, ନିଯୋଗ ଓ ସ୍ୱେଚ୍ଛାସେବୀ ସଂଗଠନଙ୍କ ସହ ଆଲୋଚନା ହୋଇଥିବା ଏବଂ ସମସ୍ତ ନୀତିକାନ୍ତିର ଶୃଙ୍ଖଳିତ ପରିଚାଳନା ଓ ଧାର୍ଯ୍ୟ ସମୟରେ ମହାଦୀପ ଉଠିବା ନେଇ ପ୍ରତିନିଧିମାନେ ସମ୍ମତି ପ୍ରଦାନ କରିଥିବା ପ୍ରକାଶ କରିଥିଲେ ।

ବୈଠକରେ ସମସ୍ତ ନୀତିକାନ୍ତି, ଟ୍ରାଫିକ ପରିଚାଳନା, ପାର୍କିଂ ବ୍ୟବସ୍ଥା, ପାନୀୟ ଜଳଯୋଗାଣ, ବିଦ୍ୟୁତ ବ୍ୟବସ୍ଥା, ଆମ୍ବୁଲାନ୍ସ ସେବା, ଅଗ୍ନିଶମ ସେବା, ପରିମଳ ବ୍ୟବସ୍ଥା, ସିସିଟିଭି ବ୍ୟବସ୍ଥା, ସୁରକ୍ଷା ବ୍ୟବସ୍ଥା, ଅସ୍ଥାୟୀ ସ୍ୱାସ୍ଥ୍ୟଶିବିର ଓ ସ୍ୱେଚ୍ଛାସେବୀ ସଂଗଠନର ଦାୟିତ୍ୱ ବିଷୟରେ ଆଲୋଚନା ହୋଇଥିଲା ।

ବୈଠକରେ ଏକାମ୍ର ବିଧାୟକ ଶ୍ରୀ ବାବୁ ସିଂହ, ଭୁବନେଶ୍ୱର ମେୟର ଶ୍ରୀମତୀ ସୁଲୋଚନା ଦାସ, ଅତିରିକ୍ତ ଜିଲ୍ଲାପାଳ ରୁଦ୍ର ନାରାୟଣ ମହାନ୍ତି, ଡିସିପି ପିନାକ ମିଶ୍ରଙ୍କ ସମେତ ରାଜ୍ୟ ସରକାର ଓ ଜିଲ୍ଲା ପ୍ରଶାସନର ବରିଷ୍ଠ ଅଧିକାରୀ, ମନ୍ଦିର ଟ୍ରଷ୍ଟ ବୋର୍ଡର କର୍ମକର୍ତ୍ତା, ସେବାୟତ ଏବଂ ନିଯୋଗ ସେବାର ପ୍ରତିନିଧିମଣ୍ଡଳୀ ଉପସ୍ଥିତ ଥିଲେ ।

ସୁଜିତ ରଞ୍ଜନ ସ୍ୱାଇଁ
ଲୋକସମ୍ପର୍କ ଅଧିକାରୀ